# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

## District level Joint hearing of public Grivance.

## ୩ ଜଣଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ଓ ୧୨ ଜଣଙ୍କୁ ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୪୬ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ ।

ଅନୁଗୋଳ,ତା.୧୪.୧୦: ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି ।ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଶିବିରରେ ଦାଖଲ ହୋଇଥିବା ସମୁଦାୟ ୧୨୧ ଟି ଅଭିଯୋଗରୁ ୯୫ଟି ବ୍ୟକ୍ତିଗତ,୧୧ଟି ଗ୍ରାମ୍ୟ ଭିତ୍ତିକ ଓ ୧୫ଟି ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠି ଓ ରେଡ୍‌କ୍ରସ ପାଣ୍ଠି ସମସ୍ୟା ସଂପର୍କିତ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଜିଲ୍ଲା ରେଡକ୍ରସ ପାଣ୍ଠିରୁ ୧୨ ଜଣଙ୍କୁ ୩୧ ହଜାର ଟଙ୍କା ଓ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୩ ଜଣଙ୍କୁ ୧୫ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଭତ୍ତା, ଇନ୍ଦିରାଆବାସ, ବିଜୁ ପକ୍କାଘର,ପାନୀୟ ଜଳ ଯୋଗାଣ, ବିଦ୍ୟୁତ ସମସ୍ୟା, ରାସ୍ତା ନିର୍ମାଣ,ଶିକ୍ଷା,ସ୍ୱାସ୍ଥ୍ୟ,ବିସ୍ଥାପନ ଓ ବିଭିନ୍ନ ରୋଗର ଚିକିତ୍ସା ନିମନ୍ତେ ଜିଲ୍ଲାପାଳଙ୍କୁ ଗୁହାରି କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଅତୁଲ୍ୟ କୁମାର ଚମ୍ପତିରାୟ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡ. ଅମରେନ୍ଦ୍ରନାଥ ମହାନ୍ତି, ଡେପୁଟୀ କଲେକ୍ଟର ଶ୍ରୀ ଦଇତ୍ରା ଦିପ୍ ଓ ଆସିଷ୍ଟାଣ୍ଟ କଲେକ୍ଟର ଇସାନି ପଣ୍ଡାଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇ ଥିଲେ ।



